ପ୍ରେସ୍‌ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୧୩୩ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୪୩୫୨ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୨୮ ଜଣ ।

ଅନୁଗୋଳ,ତା. ୨୯.୯:- ଆଜି ଅନୁଗୋଳ ଜିଲ୍ଲାରୁ ଗୋଟିଏ ଦିନରେ ୧୩୩ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ଆଜି ୨ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୭୫ରେ ପହଂଚିଲା । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ବଅଁରପାଳ ବ୍ଲକ୍ ଅଂଚଳରୁ ୨୮ ଜଣ (୧୯ ଜଣ ପୁରୁଷ ଓ ୯ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୨୨ ଜଣ ( ୧୫ଜଣ ପୁରୁଷ ଓ ୭ଜଣ ମହିଳା), ଅନୁଗୋଳ ପୌରାଂଚଳରୁ ୨୨ ଜଣ (୧୮ ଜଣ ପୁରୁଷ ଓ୪ ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୭ ଜଣ ( ୧୪ଜଣ ପୁରୁଷ ଓ ୩ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୧୨ ଜଣ ( ୯ଜଣ ପୁରୁଷ ଓ ୩ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୧୨ ଜଣ (୮ଜଣ ପୁରୁଷ ଓ୪ ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୯ ଜଣ (୮ ଜଣ ପୁରୁଷ ଓ ୧ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୮ ଜଣ ( ୭ଜଣ ପୁରୁଷ ଓ ୧ଜଣ ମହିଳା), ତାଳଚେର ପୌରାଂଚଳରୁ ୨ ଜଣ ( ୧ଜଣ ପୁରୁଷ ଓ୧ ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୧ ଜଣ (୧ ଜଣ ମହିଳା) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୨୮ ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୧୨ ଜଣ କୋଭିଡ ହସପିଟାଲରୁ ଓ ୧୧୬ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୬୫୪ ତା.୨୯.୦୯.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ